ଗ୍ରାମୀଣ କୃଷି ମୌଷମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ମହିଷାପାଟ,ଢେଙ୍କାନାଳ – ୭୫୯୦୧୩

## ସପ୍ତାହ ସଂଖ୍ୟା -୧୧

**Deepanjali Dugal,**
**Jr. Agrometeorologist**

ତାରିଖ : ୧୫.୦୩.୨୦୨୪
(ଶୁକ୍ରବାର)

## ଅନୁଗୁଳ ଜିଲ୍ଲା

### ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୦୯.୦୩.୨୦୨୪ ରୁ ୧୫.୦୩.୨୦୨୪)

| | |
|---|---|
| ବୃଷ୍ଟିପାତ (ମି.ମି.) | ୦.୧ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୧୬.୦-୨୧.୦ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୩୦.୦-୩୮.୦ |

### ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୨୦ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ତାରିଖ | ବୃଷ୍ଟିପାତ (ମି.ମି.) | ତାପମାତ୍ରା (ଡି.ସେ.) | | ସର୍ବମୋଟ ମେଘାଚ୍ଛାନ୍ନତା (ଅକ୍ଟା) | ଆପେକ୍ଷିକ ଆର୍ଦ୍ରତା (%) | | ପବନର ବେଗ (କି.ମି./ଘ.) | ପବନର ଦିଗ |
|---|---|---|---|---|---|---|---|---|
| | | ସର୍ବାଧିକ | ସର୍ବନିମ୍ନ | | ସର୍ବାଧିକ | ସର୍ବନିମ୍ନ | | |
| 16-03-2024 | 0 | 38 | 20 | 4 | 91 | 10 | 8 | 112 |
| 17-03-2024 | 2 | 37 | 20 | 4 | 60 | 17 | 7 | 180 |
| 18-03-2024 | 3 | 37 | 20 | 5 | 73 | 29 | 8 | 150 |
| 19-03-2024 | 10 | 34 | 21 | 6 | 60 | 28 | 7 | 281 |
| 20-03-2024 | 20 | 31 | 19 | 7 | 75 | 20 | 8 | 150 |

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଅନୁସାରେ ଅନଗୁଳ ଜିଲ୍ଲାରେ କାଲି ଶୁଖିଲା ପାଗ ଓ ଏହା ପରେ ଆଗାମୀ ୪ ଦିନ ପର୍ଯ୍ୟନ୍ତ ଅତି ସ୍ୱଳ୍ପ ରୁ ମଧ୍ୟମଧରଣ ବର୍ଷା ହେବାର ସମ୍ଭାବନା ରହିଛି । ଆକାଶ ଆଂଶିକ ରୁ ସାଧାରଣତଃ ମେଘୁଆ ରହିବ । ଆଗାମୀ ୫ଦିନ ପର୍ଯ୍ୟନ୍ତ ପବନ ୦୭-୦୮ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ସର୍ବୋଚ୍ଚ ତାପମାତ୍ରା ୩୧°c-୩୮°c ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୯°c-୨୦°c ମଧ୍ୟରେ ରହିବାର ସମ୍ଭାବନା ରହିଛି । ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୬୦ ରୁ ୯୧ ପ୍ରତିଶତ ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୦ ରୁ ୨୯ ପ୍ରତିଶତ ମଧ୍ୟରେ ରହିବାର ସମ୍ଭାବନା ରହିଛି ।

## କୃଷିସୂଚନା

- ଆଗାମୀ ଦିନରେ ବର୍ଷାର ସମ୍ଭାବନା ଥିବାରୁ ବୁଣାବୁଣି କାର୍ଯ୍ୟ, ସାର ପ୍ରୟୋଗ, କୀଟନାଶକ ପ୍ରୟୋଗ ଓ ଜଳ ସେଚନକୁ କିଛି ଦିନ ପାଇଁ ସ୍ଥଗିତ ରଖନ୍ତୁ ।
- କଖାରୁ ଜାତୀୟ ପନିପରିବାରେ ଢେରା ଦିଅନ୍ତୁ ।
- ଅମଳ ଉପଯୋଗୀ ପନିପରିବାକୁ ଶୀଘ୍ର ଅମଳ କରି ନିଅନ୍ତୁ ।
- ଅମଳ ହୋଇଥିବା ଫସଲକୁ ପଲିଥିନ ଦ୍ୱାରା ଘୋଡେଇ ରଖନ୍ତୁ ।
- ବର୍ଷା ଛାଡିଯିବା ପରେ ମାଟିର ଆଦ୍ରତାକୁ ବିନିଯୋଗ କରି ଖରାଟିଆ କାକୁଡି ଓ କଖାରୁ ଜାତୀୟ ପନିପରିବା ବୁଣାବୁଣି ଆରମ୍ଭ କରନ୍ତୁ ।

**ଧାନ(ଡାଲୁଆ):**

<u>ଜୀବାଣୁଜନିତ ପତ୍ରପୋଡା ରୋଗ-</u>

ବର୍ତମାନର ମେଘୁଆ ପାଗ ଯୋଗୁଁ ଜୀବାଣୁଜନିତ ପତ୍ରପୋଡା ରୋଗ ଲାଗିବାର ସମ୍ଭାବନା ଅଛି । ଏହାର ପ୍ରତିକାର ପାଇଁ ପ୍ରଥମେ ଆକ୍ରାନ୍ତ ଧାନ କିଆରିରେ ପାଣି ଜମି ରହୁଥିଲେ ପାଣି କାଟି ଦିଅନ୍ତୁ। ବିଲରୁ ଅନାବନା ଘାସ ବାଛି ଦିଅନ୍ତୁ। ରୋଗ ଲାଗିଥିବା ସମୟରେ ଯବକ୍ଷାରଜାନ ଜାତୀୟ ସାର ପ୍ରୟୋଗ କରନ୍ତୁ ନାହିଁ । ଏକର ପ୍ରତି ୬-୮ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ। ଏହି ରୋଗର ପରିଚାଳନା ପାଇଁ ଏକର ପ୍ରତି ୬୦୦ ଗ୍ରାମ Copper Hydroxide ନାମକ ଔଷଧ କିମ୍ବା ୨୦୦ଗ୍ରାମ Plantomycin ସହିତ ୬୦୦ଗ୍ରାମ Copper Oxy Chloride ନାମକ ଔଷଧ, ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

<u>ମହିଷା ରୋଗ -</u>

ମେଘୁଆ ପାଗ ଯୋଗୁଁ ଧାନ ଫସଲରେ ମହିଷା ରୋଗର ସମ୍ଭାବନା ଅଛି । ଏହାର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Azoxystrobin ଓ Difenoconazole ର ମିଳିତ ଫିମ୍ପିନାଶକ କିମ୍ବା ୮୦ ଗ୍ରାମ Tebuconazole ଓ Trifloxystrobin ର ମିଳିତ ଫିମ୍ପିନାଶକ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ଆଖୁ:**

ଆଖୁ ବିହନ ଲଗେଇବାର ୪୫ ଓ ୭୫ ଦିନ ବେଳକୁ ଏକର ପ୍ରତି ୬୦-କିଲୋଗ୍ରାମ ହିସାବରେ ୟୁରିଆ ସାର ପ୍ରୟୋଗ କରନ୍ତୁ। ବିହନ ଲଗେଇବାର ୧୦୫ ଦିନ ବେଳକୁ ଆଉ ଥରେ ଏକର ପ୍ରତି ୬୦- କିଲୋଗ୍ରାମ ୟୁରିଆ ସାର ସହିତ ୨୦- କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ। ଆଖୁ ଲଗେଇବାର ୧୨୦-ଦିନ ପରେ ଯବକ୍ଷାରଯାନ ଜାତୀୟ ସାର ପ୍ରୟୋଗ କରନ୍ତୁ ନାହିଁ ନଚେତ ଅମଳ ବିଳମ୍ବ ହେବା ସହିତ ଶର୍କରା ଅଂଶ କମିଯାଏ ଏବଂ ଅମଳ ହ୍ରାସ ପାଇଥାଏ।

**ବାଇଗଣ ଓ ଲଙ୍କା ମରୀଚ :**
ବର୍ଷା ପରେ ବାଇଗଣ ଓ ଲଙ୍କା ମରୀଚ ଫସଲରେ ଝାଉଂଳା ଓ ମୂଳ ସଢା ଦେଖା ଦେବାର ସମ୍ଭାବନା ଅଛି ତେଣୁ ବର୍ଷା ଛାଡି ଗଲା ପରେ ପ୍ରତି ୨୦୦ ଲିଟର ପାଣିରେ ୨୦୦ ମିଲି Tebuconazole ଓ ୨୦ଗ୍ରାମ Streptocycline କୁ ମିଶାଇ ଫସଲ ମୂଳକୁ ସିଂଚନ କରନ୍ତୁ ।

**ଭେଣ୍ଡି:**
ବର୍ତମାନ ସମୟରେ ଭେଣ୍ଡି ଫସଲରେ ଶୋଷକ ଜାତୀୟ କୀଟ ଯଥା ଜଉ ପୋକ , ପତ୍ର ଡିଆଁ ପୋକ , ପତ୍ର ଉକୁଣି ପୋକ ଏବଂ ଧଳା ମାଛି ଲାଗିବାର ସମ୍ଭାବନା ଅଛି। ଏହି ପୋକ ଗୁଡିକର ପରିଚାଳନା ପାଇଁ ପ୍ରାଥମିକ ଅବସ୍ଥାରେ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM କୁ ୨୦୦ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ। ରାସାୟନକି ଉପାୟରେ ଏହି କୀଟ ଗୁଡିକର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ଵା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ଵା ୪୦୦ ମିଲି Tolfenpyrad ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ପୋଟଳ:**
ପୋଟଳ ଗଛ ବର୍ତମାନ ଫୁଲ ଏବଂ ଫଳ ବହନ କରୁଥିବା ଅବସ୍ଥାରେ । ବର୍ତମାନ ଘାସକୁ ବାଛନ୍ତୁ ନାହିଁ । ଘାସ ରହିଲେ ତାହା ମାଟିର ଆର୍ଦ୍ରତା ବଜାୟ ରଖିଥାଏ ଏବଂ ପୋଟଳ ଲତା କୁ ତାହା (ଘାସ) ଉପରେ ମାଡିବା ପାଇଁ ସାହାର୍ଯ୍ୟ କରିଥାଏ, ଯାହାଦ୍ଵାରା ଫଳ ସିଧାସଳଖ ମାଟି ର ସଂସ୍ପର୍ଶ ରେ ଆସେନାହିଁ, ଯାହାକି ଫଳକୁ ସଢିବା ରୁ ରକ୍ଷା କରିଥାଏ । ଅଧିକ ତାପମାତ୍ରା ଯୋଗୁଁ ପୋଟଳ ରେ କବକ ଜନିତ ଝାଉଁଳା ହେବା ର ସମ୍ଭାବନା ଅଛି । ତେଣୁ Carbendazim @୧.୫ ମିଲି ୧ ଲିଟର ପଣି ରେ ମିଶାଇ ସ୍ପ୍ରେ କରନ୍ତୁ ।

**କଖାରୁ ଜାତୀୟ ପନିପରିବା:**
ବର୍ଷା ପରେ କଖାରୁ ଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି, ପୋଟଳ ,ଲାଉ ଇତ୍ୟାଦି ଫସଲରେ ନିମ୍ନମୁଖୀ ପତ୍ରପାଡା ରୋଗର ପରିଚାଳନା ପାଇଁ ପ୍ରତି ଲିଟର ପାଣିରେ ୨ଗ୍ରାମ କାରବେଣ୍ଡାଜିମ ଏବଂ ମଙ୍କୋଜେବ (Carbendazim ଏବଂ Mancozeb) ର ମିଳିତ ଫିମ୍ପିନାଶକ କିମ୍ଵା Azoxystrobin+Tebuconazole @ ୦.୭ ଗ୍ରାମ ମିଶାଇ ସିଂଚନ କରନ୍ତୁ।

**ସହଯୋଗୀ ଗବେଷଣା ନିର୍ଦ୍ଦେଶକଙ୍କ ଦ୍ଵାରା ସ୍ଵୀକୃତ**

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,**QPM**,ଟିସୁ କଲଚର ଗଛ,ଫଳ ଓ ପନିପରିବା,ଯାଆଁଳ,କୁକୁଡା ଚିଆଁ,ଛତୁ,ଛତୁ ମଞ୍ଜି,ଜୈବିକ ସାର,ଜୈବିକ କୀଟନାଶକ,ଜିଆ ଖତ,କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ **MEGHDOOT** ମୋବାଇଲ ଆପ ବ୍ୟବହାର କରନ୍ତୁ ।

**(Android: https://play.google.com/store/apps/details?id=com.aas.meghdoot)**

**(iOS: https://apps.apple.com/in/app/meghdoot/id1474048155)**